ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Sports & YS (OD)/ 1399/06-03-2021**

# ରାଜ୍ୟ ଯୁବକଲ୍ୟାଣ ପରିଷଦ ପକ୍ଷରୁ
# ବିଜୁ ପଟ୍ଟନାୟକ ଜୟନ୍ତୀ ପାଳିତ

ଭୁବନେଶ୍ୱର, ମାର୍ଚ୍ଚ ୬, ୨୦୨୧

ମହାନ ଜନନାୟକ, ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ପ୍ରବାଦପୁରୁଷ ସ୍ୱର୍ଗତ ବିଜୁ ପଟ୍ଟନାୟକଙ୍କ ୧୦୫ତମ ଜନ୍ମଦିବସ ରାଜ୍ୟ ଯୁବ କଲ୍ୟାଣ ପରିଷଦ ଦ୍ୱାରା ପାଳିତ ହୋଇଯାଇଛି ।

ଏହି ଉପଲକ୍ଷେ ୟୁନିଟ୍-୩ ସ୍ଥିତ ବିଜୁ ପଟ୍ଟନାୟକ ଯୁବ କଲ୍ୟାଣ ଭବନରେ ଆୟୋଜିତ ଉତ୍ସବରେ ରାଜ୍ୟ କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ଶ୍ରୀ ତୁଷାରକାନ୍ତି ବେହେରା ଏବଂ ରାଜ୍ୟ ଯୁବ କଲ୍ୟାଣ ପରିଷଦର କାର୍ଯ୍ୟନିର୍ବାହୀ ଅଧକ୍ଷ ଶ୍ରୀ ବିଜୟ କୁମାର ନାୟକ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରିବା ସହିତ ପ୍ରବାଦପୁରୁଷ ବିଜୁ ପଟ୍ଟନାୟକଙ୍କ ପ୍ରତିକୃତିରେ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ ।

ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ତଥା ରାଜ୍ୟ ଯୁବକଲ୍ୟାଣ ପରିଷଦର ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ରହି ପ୍ରବାଦପୁରୁଷଙ୍କ ସ୍ମୃତିଚାରଣ କରିଥିଲେ ।

ସୁଜିତ ରଂଜନ ସ୍ୱାଇଁ
ସୂଚନା ଅଧିକାରୀ